# REGIONAL NEWS UNIT, AIR CUTTACK

## Morning Bulletin (7.20 AM)

**1 6 May - 2025**

## ସିନ୍ଧୁ ଜଳଚୁକ୍ତି

ପାକିସ୍ତାନ ପକ୍ଷରୁ ସୀମାପାର ଆତଙ୍କବାଦ ବନ୍ଦ ନ ହେବା ପର୍ଯ୍ୟନ୍ତ ସିନ୍ଧୁନଦୀ ଜଳଚୁକ୍ତି ସ୍ଥଗିତ ରହିବ ବୋଲି ବୈଦେଶିକ ବ୍ୟାପାର ମନ୍ତ୍ରୀ ଡକ୍ଟର ଏସ୍. ଜୟଶଙ୍କର କହିଛନ୍ତି । ନୂଆଦିଲ୍ଲୀରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ଡକ୍ଟର ଜୟଶଙ୍କର କହିଛନ୍ତି, ପାକିସ୍ତାନ ଏବଂ ଭାରତ ମଧ୍ୟରେ କେବଳ ଦ୍ୱିପାକ୍ଷିକ ଆଲୋଚନା ମାଧ୍ୟମରେ ସମସ୍ୟାର ସମାଧାନ କରାଯିବ । ପାକିସ୍ତାନ ଯେପର୍ଯ୍ୟନ୍ତ ପାକ୍ ଅଧିକୃତ କାଶ୍ମୀରକୁ ଖାଲି ନ କରିଛି, ସେପର୍ଯ୍ୟନ୍ତ କୌଣସି ପ୍ରକାର ଆଲୋଚନା କରାଯିବ ନାହିଁ ବୋଲି ଡକ୍ଟର ଜୟଶଙ୍କର ସ୍ପଷ୍ଟ କରିଛନ୍ତି ।

## ରାଜ୍ୟଭିତ୍ତିକ ବିପର୍ଯ୍ୟୟ

ଅଦିନିଆ ବର୍ଷାକୁ ରାଜ୍ୟ ସରକାର ରାଜ୍ୟଭିତ୍ତିକ ବିପର୍ଯ୍ୟୟ ଭାବେ ଘୋଷଣା କରିଛନ୍ତି । ଏ ସଂକ୍ରାନ୍ତ ପ୍ରସ୍ତାବକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅନୁମୋଦନ କରିଛନ୍ତି । ଏହାଦ୍ୱାରା ରାଜ୍ୟର କୃଷକ ଅଦିନିଆ ବର୍ଷା ଜନିତ କ୍ଷୟକ୍ଷତି ପାଇଁ ରାଜ୍ୟ ବିପର୍ଯ୍ୟୟ ମୁକାବିଲା ପାଣ୍ଠିରୁ ସହାୟତା ପାଇପାରିବେ । ବାର୍ଷିକ ସର୍ବାଧିକ ୧୦ ପ୍ରତିଶତ ଅର୍ଥ ଏଥିପାଇଁ ବିନିଯୋଗ ହୋଇପାରିବ । ସୂଚନାଯୋଗ୍ୟ ବଜ୍ରପାତ, ଗ୍ରୀଷ୍ମ ପ୍ରବାହ, ଘୂର୍ଣ୍ଣିଝଡ଼, ସାମୁଦ୍ରିକ ଝଡ଼, ପ୍ରବଳ ବର୍ଷା ଏବଂ ବନ୍ୟା ନଥିବା ସମୟରେ

ଡଙ୍ଗା ଦୁର୍ଘଟଣାଜନିତ ମୃତ୍ୟୁ ଓ ସର୍ପାଘାତକୁ ରାଜ୍ୟଭିତ୍ତିକ ବିପର୍ଯ୍ୟୟ ଭାବେ ମଧ୍ୟ ଘୋଷଣା କରାଯାଇଛି ।

# ହାଇକୋର୍ଟ-ମିଶନଶକ୍ତି

ଓଡ଼ିଶା ହାଇକୋର୍ଟ ମିଶନଶକ୍ତି ମହିଳା ସ୍ୱୟଂସହାୟକ ଗୋଷ୍ଠୀ ଓ ମହାସଂଘ ପୁନର୍ଗଠନ ସଂକ୍ରାନ୍ତ ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ଜୁଲାଇ ମାସ ୪ ତାରିଖକୁ ଧାର୍ଯ୍ୟ କରିଛନ୍ତି । ବିଚାରପତି ଜଷ୍ଟିସ୍ ଶଶିକାନ୍ତ ମିଶ୍ରଙ୍କ ଖଣ୍ଡପୀଠ ଗତକାଲି ଏହି ମାମଲାର ଶୁଣାଣି କରିଛନ୍ତି । ପରବର୍ତ୍ତୀ ଶୁଣାଣି ପୂର୍ବରୁ ରାଜ୍ୟ ସରକାର ସତ୍ୟପାଠ ଦାଖଲ କରିବାକୁ ଖଣ୍ଡପୀଠ ନିର୍ଦ୍ଦେଶ ଦେଇଛନ୍ତି । ଏହି ମାମଲାର ମଧ୍ୟବର୍ତ୍ତୀକାଳୀନ ରହିତାଦେଶ ଆସନ୍ତା ଜୁଲାଇ ମାସ ୪ ତାରିଖକୁ ଖଣ୍ଡପୀଠ ବୃଦ୍ଧି କରିଛନ୍ତି ।

# ବୁଝାମଣା

ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଏବଂ ଜାତୀୟ ଷ୍ଟକ୍ ଏକ୍ସଚେଞ୍ଜ ମଧ୍ୟରେ ଏକ ବୁଝାମଣା ସ୍ୱାକ୍ଷରିତ ହୋଇଛି । ଏହା ମାଧ୍ୟମରେ ରାଜ୍ୟର ଉଚ୍ଚଶିକ୍ଷା ଅନୁଷ୍ଠାନ ଗୁଡ଼ିକରେ ପାଠପଢୁଥିବା ଛାତ୍ରଛାତ୍ରୀମାନଙ୍କ ଦକ୍ଷତା ବିକାଶ ସହ ବିତ୍ତୀୟ ସାକ୍ଷରତାର ଅଭିବୃଦ୍ଧି ଲକ୍ଷ୍ୟ ରଖାଯାଇଛି । ଏ ସଂପର୍କରେ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି, ଏହାଦ୍ୱାରା ଛାତ୍ରଛାତ୍ରୀମାନେ ଭବିଷ୍ୟତରେ ବିତ୍ତୀୟ କ୍ଷେତ୍ରରେ ନିଯୁକ୍ତି ସୁଯୋଗ ପାଇପାରିବେ ।

**V/O**

# ସମବାୟ ବ୍ୟାଙ୍କ

ରାଜ୍ୟର ୧୪ଟି ଜିଲ୍ଲାରେ ନୂତନ ଜିଲ୍ଲା କେନ୍ଦ୍ର ସମବାୟ ବ୍ୟାଙ୍କ ଲିମିଟେଡ୍-ଡିସିସିବି ପ୍ରତିଷ୍ଠା କରାଯିବ । ଓଡ଼ିଶା ସମବାୟ ସମିତି ସମୂହର ନିବନ୍ଧକ ଏବଂ ଓଡ଼ିଶା ସରକାରଙ୍କ ସମବାୟ ବିଭାଗର ନିଷ୍ପତ୍ତିକୁ ଭିତ୍ତିକରି ଓଡ଼ିଶା ରାଜ୍ୟ ସମବାୟ ବ୍ୟାଙ୍କ ଲିମିଟେଡ୍ ପକ୍ଷରୁ ଏ ସଂକ୍ରାନ୍ତ ନିର୍ଦ୍ଦେଶନାମା ଜାରି କରାଯାଇଛି । ଗ୍ରାମାଞ୍ଚଳର ଚାଷୀଙ୍କୁ ସହଜ ସମବାୟ ଋଣ ଏବଂ ସେବା ଯୋଗାଇବା ଲକ୍ଷ୍ୟ ନେଇ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଥିବା ଜଣାପଡ଼ିଛି ।

## ଗସ୍ତ ଭତ୍ତା

ରାଜ୍ୟର କୃଷି ପର୍ଯ୍ୟବେକ୍ଷକଙ୍କ ମାସିକ ଗସ୍ତ ଭତ୍ତା ୧୫ଶହ ଟଙ୍କାକୁ ବୃଦ୍ଧି କରାଯାଇଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହାକୁ ଅନୁମୋଦନ କରିଛନ୍ତି । ପୂର୍ବରୁ ଏହା ୪୫୦ ଟଙ୍କା ରହିଥିଲା। ଏହି ନିଷ୍ପତ୍ତି ଫଳରେ ରାଜ୍ୟରେ କାର୍ଯ୍ୟରତ ଥିବା ୧ ହଜାର ୨୫୭ ଜଣ କୃଷି ପର୍ଯ୍ୟବେକ୍ଷକ ଉପକୃତ ହେବେ ।

## ଡେଙ୍ଗୁ ଦିବସ

ଡେଙ୍ଗୁ ରୋଗର କାରଣ ଏବଂ ନିରାକରଣ ସଂପର୍କରେ ଜନସଚେତନତା ବୃଦ୍ଧି ଲକ୍ଷ୍ୟ ନେଇ ଆଜି ଜାତୀୟ ଡେଙ୍ଗୁ ଦିବସ ପାଳନ କରାଯାଉଛି । ପରିବେଶକୁ ପରିଷ୍କାର ରଖିବା ଏବଂ ନିୟମିତା ମଶାରୀ ବ୍ୟବହାର କରିବା ଦ୍ୱାରା ଏହି ମଶା ବାହିତ ଭୂତାଣୁ ଜନିତ ରୋଗକୁ ପ୍ରତିହତ କରାଯାଇ ପାରିବ । ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ, ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ର ଗୁଡ଼ିକରେ ଡେଙ୍ଗୁରୋଗର

ପରୀକ୍ଷା ଏବଂ ଚିକିତ୍ସା ସଂପୂର୍ଣ୍ଣ ମାଗଣାରେ କରାଯାଉଛି । ଏହି ଦିବସ ପାଳନ ଅବସରରେ ରାଜ୍ୟର ବିଭିନ୍ନ ସ୍ଥାନରେ ସ୍ୱତନ୍ତ୍ର ସଚେତନତା କାର୍ଯ୍ୟକ୍ରମମାନ ଆୟୋଜନ କରାଯାଉଛି ।

# ରଥ-ଅଖ ନିର୍ମାଣ

ପୁରୀ ରଥଖଳାରେ ଗତକାଲିଠାରୁ ତିନି ରଥର ଅଖ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି । ପରମ୍ପରା ଅନୁଯାୟୀ ତିନିରଥର ମୁଖ୍ୟ ମହାରଣା ଅନୁକୂଳ ପୂଜା କରିବା ପରେ ଏହି ନିର୍ମାଣ କାର୍ଯ୍ୟ ଆରମ୍ଭ କରିଛନ୍ତି । ଆସନ୍ତା ୧୯ ତାରିଖ ଭଉଁରୀ ତିଥିରେ ଚକ ଡେରା ନୀତି ଅନୁଷ୍ଠିତ ହେବ। ତିନିରଥର ଗୋଟିଏ ଲେଖାଏଁ ଅଖରେ ଦୁଇଟି ଲେଖାଏଁ ଚକ ସଂଯୋଗ କରାଯିବ ।

## ଖେଲୋ ଇଣ୍ଡିଆ

ବିହାରରେ ଅନୁଷ୍ଠିତ ଖେଲୋ ଇଣ୍ଡିଆ ଯୁବ କ୍ରୀଡା ପ୍ରତିଯୋଗିତା ଉଦ୍‌ଯାପିତ ହୋଇଛି। ଏଥିରେ ଓଡ଼ିଶା ମହିଳା ହକି ଦଳ ସ୍ୱର୍ଣ୍ଣପଦକ ହାସଲ କରିଥିବା ବେଳେ ପୁରୁଷ ଫୁଟବଲ ଦଳକୁ ରୌପ୍ୟ ପଦକ ମିଳିଛି । ଏହି ପ୍ରତିଯୋଗିତାରେ ଓଡ଼ିଶାକୁ ମୋଟ୍ ୧୪ଟି ପଦକ ମିଳିଛି । ଏ ସଂପର୍କରେ ରାଜ୍ୟ କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି, ଖେଲୋ ଇଣ୍ଡିଆ ଯୁବ କ୍ରୀଡ଼ା ପ୍ରତିଯୋଗିତାରେ ଉଚ୍ଚକୋଟୀର ପ୍ରଦର୍ଶନ କରି ରାଜ୍ୟର କ୍ରୀଡ଼ାବିତ୍‌ମାନେ ଜାତୀୟ ସ୍ତରରେ ଗୌରବ ଅର୍ଜନ କରିଛନ୍ତି । ରାଜ୍ୟରେ ତୃଣମୂଳ ସ୍ତରରେ ସୁଦୃଢ଼ କ୍ରୀଡ଼ା ଭିତ୍ତିଭୂମିର ନିର୍ମାଣ ଓ କ୍ରୀଡ଼ା ପ୍ରତିଭାର ବିକାଶ ପାଇଁ ସରକାର ପଦକ୍ଷେପ ନେଉଛନ୍ତି ବୋଲି ମନ୍ତ୍ରୀ କହିଛନ୍ତି ।

# ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ ଆଜିଠାରୁ ଝଡ଼ପବନ ସହ ବର୍ଷାର ସମ୍ଭାବନା ରହିଛି ବୋଲି ଭୁବନେଶ୍ୱର ସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି । ଏଥିପାଇଁ ୨୫ଟି ଜିଲ୍ଲାକୁ ସତର୍କ ସୂଚନା ସୂଚନା ଜାରି କରାଯାଇଛି ।  ଅପରପକ୍ଷରେ ଗତକାଲି ୧୩ଟି ସ୍ଥାନର ତାପମାତ୍ରା ୪୦ ଡିଗ୍ରୀ ସେଲ୍‌ସିୟସ ରେକର୍ଡ ହୋଇଥିଲା । ବୌଦ୍ଧଠାରେ ଦିନର ସର୍ବୋଚ୍ଚ ତାପମାତ୍ରା ୪୨ ଦଶମିକ ୮ ଡିଗ୍ରୀ ସେଲ୍‌ସିୟସ୍ ରହିଥିଲା ।